ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୧୨ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୯୨୫୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୮୯ ଜଣ ।

ଅନୁଗୋଳ, ତା,୦୪.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୧୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୫୦ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୩୧ଜଣ ( ୨୩ଜଣ ପୁରୁଷ ଓ ୮ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୭ଜଣ ( ୧୫ଜଣ ପୁରୁଷ ଓ ୧୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୪ଜଣ ( ୧୨ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୪ଜଣ (୧୦ ଜଣ ପୁରୁଷ ଓ୪ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ୨ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪ଜଣ (୪ ଜଣ ପୁରୁଷ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୨ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୯ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ ,୬ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୭୦ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୧୭ ତା.୦୪.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

୪|୧୧|୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ